# REGIONAL NEWS UNIT, AIR CUTTACK

## Mid-day Bulletin (2.32PM)

### 14 April - 2026

**************************************

## ମୁଖ୍ୟ ସମ୍ବାଦ

- ରାଜ୍ୟରେ ଭକ୍ତି ଓ ଶ୍ରଦ୍ଧାର ସହ ପାଳନ କରାଯାଉଛି ପବିତ୍ର ମହାବିଷୁବ ସଂକ୍ରାନ୍ତି ଏବଂ ହନୁମାନ ଜୟନ୍ତୀ
- ସମ୍ବିଧାନ ପ୍ରଣେତା ତଥା ସମାଜ ସଂସ୍କାରକ ବାବା ସାହେବ ଆମ୍ବେଦକରଙ୍କର ଜୟନ୍ତୀ ଅବସରରେ ଦେଶବାସୀ ଦେଲେ ବିନମ୍ର ଶ୍ରଦ୍ଧାଞ୍ଜଳି
- ସମ୍ବଲପୁର ଜିଲ୍ଲାରେ ୭୮ଟି ବିକାଶମୂଳକ ପ୍ରକଳ୍ପର ଶିଳାନ୍ୟାସ ଓ ଉଦ୍‌ଘାଟନ କଲେ କେନ୍ଦ୍ର ଶିକ୍ଷାମନ୍ତ୍ରୀ

ଏବଂ

- ଉତ୍କଳ ଦିବସରୁ ଆରମ୍ଭ ହୋଇଥିବା ଓଡ଼ିଆ ପକ୍ଷ ଆଜି ହେବ ଉଦ୍‌ଯାପିତ

# ମହାବିଷୁବ ସଂକ୍ରାନ୍ତି

ଆଜି ହେଉଛି ପବିତ୍ର ମହାବିଷୁବ ସଂକ୍ରାନ୍ତି। ବସନ୍ତ ଋତୁ ଶେଷ ହୋଇ ଗ୍ରୀଷ୍ମଋତୁ ଆଜିଠାରୁ ଆରମ୍ଭ ହୋଇଥାଏ।  ସୂର୍ଯ୍ୟଙ୍କ ତାପ ବଢ଼ିଥାଏ ଏବଂ ବାୟୁର ଗତି ମଧ୍ୟ ପ୍ରଖର ହୋଇଥାଏ । ଆଜି ଦିନକୁ ପଣାସଂକ୍ରାନ୍ତି ଭାବେ ମଧ୍ୟ ପାଳନ କରାଯାଇଥାଏ । ଓଡ଼ିଆ ପାଞ୍ଜି ହିସାବରେ ମହାବିଷୁବ ସଂକ୍ରାନ୍ତିକୁ ବର୍ଷର ପ୍ରଥମ ଦିନ ଭାବେ ପାଳନ କରାଯାଇଥାଏ ।  ଏହି ଦିନ ଦଣ୍ଡଯାତ୍ରା, ଚଡ଼କ ପର୍ବ, ଝାମୁଯାତ୍ରା, ହିଙ୍ଗୁଳା ଯାତ୍ରା ଏବଂ ପାଟୁଆ ଯାତ୍ରା ଉଦ୍‌ଯାପିତ ହୋଇଥାଏ ।

ବିଷୁବ ସଂକ୍ରାନ୍ତି ଅବସରରେ ଘରେ ଘରେ ଓ ଦେବଦେବୀଙ୍କ ପାଖରେ ସ୍ୱତନ୍ତ୍ର ପୂଜାର୍ଚ୍ଚନା କରାଯାଉଛି। ପ୍ରଭୁ ଶ୍ରୀରାମଙ୍କ ପରମ ଭକ୍ତ ଶ୍ରୀଶ୍ରୀହନୁମାନଙ୍କର ମଧ୍ୟ ଆଜି ଜୟନ୍ତୀ। ଅଗ୍ନି ଓ ବାୟୁର ପ୍ରକୋପରୁ ରକ୍ଷା ପାଇବା ପାଇଁ ଏହି ପବିତ୍ର ଦିନରେ ପ୍ରଭୁ ହନୁମାନଙ୍କର ପୂଜା କରାଯାଇଥାଏ। ଦେଶରେ ପ୍ରଭୁ ଶ୍ରୀଶ୍ରୀହନୁମାନଙ୍କର ଜୟନ୍ତୀକୁ ଭକ୍ତିଭାବରେ ହନୁମାନ ଚାଳିଶା ପାଠ ସହିତ ଆନନ୍ଦ ଉଲ୍ଲାସର ସହ ପାଳନ କରାଯାଉଛି।

ଓଡ଼ିଆ ନବବର୍ଷ ପାଳନ ଅବସରରେ **ରାଷ୍ଟ୍ରପତି** ଦ୍ରୌପଦୀ ମୁର୍ମୁ, **ପ୍ରଧାନମନ୍ତ୍ରୀ** ନରେନ୍ଦ୍ର ମୋଦୀ ରାଜ୍ୟବାସୀ ତଥା ଦେଶ ବାହାରେ ରହୁଥିବା ଓଡ଼ିଆ ଲୋକମାନଙ୍କୁ ଶୁଭେଚ୍ଛା ଜଣାଇଛନ୍ତି।

**ରାଜ୍ୟପାଳ** ଡକ୍ଟର ହରିବାବୁ କମ୍ଭମପାଟି ପବିତ୍ର ମହାବିଷୁବ ସଂକ୍ରାନ୍ତି ଏବଂ ଓଡ଼ିଆ ନବବର୍ଷ ଉପଲକ୍ଷେ ରାଜ୍ୟବାସୀଙ୍କୁ ହାର୍ଦ୍ଦିକ ଶୁଭେଚ୍ଛା ଓ

ଅଭିନନ୍ଦନ ଜଣାଇଛନ୍ତି। ଓଡ଼ିଶାକୁ ଦେଶର ଅନ୍ୟତମ ଶ୍ରେଷ୍ଠ ଓ ବିକଶିତ ରାଜ୍ୟରେ ପରିଣତ କରିବା ପାଇଁ ସମସ୍ତେ ମନପ୍ରାଣ ଦେଇ କାର୍ଯ୍ୟ କରିବାକୁ ଆହ୍ୱାନ ଦେଇଛନ୍ତି।

ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ଅପାର କରୁଣାରୁ ପବିତ୍ର ମହାବିଷୁବ ସଂକ୍ରାନ୍ତି ଓ ଓଡ଼ିଆ ନବବର୍ଷ ସମସ୍ତଙ୍କ ଜୀବନରେ ସୁଖ ଶାନ୍ତି ଓ ସମୃଦ୍ଧି ଭରିଦେଉ ବୋଲି **ମୁଖ୍ୟମନ୍ତ୍ରୀ** ମୋହନ ଚରଣ ମାଝୀ ନିଜ ଶୁଭେଚ୍ଛା ବାର୍ତ୍ତାରେ ଜଣାଇଛନ୍ତି।

ରାଜ୍ୟର ବିଭିନ୍ନ ସ୍ଥାନରେ ମହା ଆଡମ୍ବରରେ ପବିତ୍ର ମହାବିଷୁବ ସଂକ୍ରାନ୍ତି ପାଳନ କରାଯାଉଛି।

**ବୌଦ୍ଧ** ଜିଲ୍ଲାରେ ଓଡ଼ିଆ ନବବର୍ଷ ଓ ମହାବିଷୁବ ସଂକ୍ରାନ୍ତି ଆନନ୍ଦ ଉଲ୍ଲାସର ସହିତ ପାଳିତ ହୋଇଛି। ଦେବାଦେବୀଙ୍କୁ ପୂଜାର୍ଚ୍ଚନା ପରେ ପଣା ଭୋଗ ଲାଗି ହୋଇଛି।

**ସୁବର୍ଣ୍ଣପୁର** ଜିଲ୍ଲାରେ ଓଡ଼ିଆ ନବବର୍ଷ କାର୍ଯ୍ୟକ୍ରମରେ ଜିଲ୍ଲାପାଳ ନୃପରାଜ ସାହୁ ଯୋଗଦେଇ ଓଡ଼ିଶାର ସାଂସ୍କୃତିକ ଓ ଅର୍ଥନୈତିକ ବିକାଶ ଉପରେ ଆଲୋକପାତ କରିଛନ୍ତି।

# ଶ୍ରୀମନ୍ଦିର ନୀତିକାନ୍ତି

ଉତ୍କଳୀୟ ନବବର୍ଷ ଅବସରରେ ପୁରୀ ଶ୍ରୀମନ୍ଦିରରେ ଆଜି ବିଶେଷ ନୀତିକାନ୍ତି ଅନୁଷ୍ଠିତ ହେଉଛି । ବିଧି ଅନୁଯାୟୀ ସକାଳ ଧୂପ ପରେ ଶ୍ରୀଜଗନ୍ନାଥଙ୍କ ବାଡରୁ ଆଜ୍ଞାମାଳ, ମହାବୀର, ଶ୍ରୀଜଗନ୍ନାଥ ବଲ୍ଲଭ ଏବଂ ଦରିଆ ମହାବୀରଙ୍କ ନିକଟକୁ ବିଜେ କରାଯାଇଛି । ଶ୍ରୀକ୍ଷେତ୍ରର ବିଭିନ୍ନ

ହନୁମାନ ମନ୍ଦିରଗୁଡ଼ିକରେ ବିଶେଷ ପୂଜାର୍ଚ୍ଚନା କରାଯାଉଛି। ଶ୍ରୀମନ୍ଦିର ଦକ୍ଷିଣ ଦ୍ୱାର ନିକଟରେ ଥିବା କାନପତା ହନୁମାନଙ୍କୁ ନାଗାର୍ଜୁନ ବେଶରେ ସଜ୍ଜିତ କରାଯାଇଥିବାବେଳେ ତାଙ୍କ ଦର୍ଶନ ପାଇଁ ଭକ୍ତଙ୍କ ପ୍ରବଳ ଭିଡ ଦେଖାଦେଇଛି।

ଶ୍ରୀକ୍ଷେତ୍ରର ଜାଗା ଆଖଡାରେ ମହାବୀରଙ୍କ ପୂଜାର୍ଚ୍ଚନା ଏବଂ ପଣା ଓ ଛତୁଆ ଭୋଗ କରାଯିବା ପରେ ମଲ୍ଲଯୋଦ୍ଧା ଓ ଯୁବକମାନେ ନୂତନ କୌପୁନି ପରିଧାନ କରି ମାଟିକୁସ୍ତି ସହ ମଲ୍ଲବିଦ୍ୟା ଓ ବ୍ୟାୟାମ କରିବାର ପରମ୍ପରା ରହିଛି ।

## ଆମ୍ବେଦ୍କର ଜୟନ୍ତୀ

ଭାରତୀୟ ସମ୍ବିଧାନର ପ୍ରଣେତା ଡକ୍ଟର ବାବାସାହେବ ଭୀମରାଓ ଆମ୍ବେଦକରଙ୍କ ଆଜି ୧୩୬ତମ ଜୟନ୍ତୀ ଅବସରରେ ଦେଶ ଶ୍ରଦ୍ଧାସୁମନ ଅର୍ପଣ କରୁଛି । ୧୮୯୧ ମସିହା ଆଜିର ଦିନରେ ବାବାସାହେବ ମହାରାଷ୍ଟ୍ରରେ ଜନ୍ମଗ୍ରହଣ କରିଥିଲେ । ବାବାସାହେବଙ୍କ ଦ୍ୱାରା ପ୍ରଣୀତ ସମ୍ବିଧାନ ୧୯୫୦ ମସିହା ଜାନୁୟାରୀ ୨୬ ତାରିଖରେ ଦେଶରେ ଲାଗୁ ହୋଇଥିଲା । ଡକ୍ଟର ଆମ୍ବେଦକର ସ୍ୱାଧୀନ ଭାରତର ପ୍ରଥମ ଆଇନ ମନ୍ତ୍ରୀ ଥିଲେ । ଦଳିତ ଏବଂ ପଛୁଆବର୍ଗର ଲୋକମାନଙ୍କର ସ୍ୱାର୍ଥରକ୍ଷା ଏବଂ ସ୍ୱାଭିମାନ ପାଇଁ ବାବାସାହେବଙ୍କର ଅବଦାନ ଅତୁଳନୀୟ । ଏହି ମହାନ୍ ନେତାଙ୍କର ଦେଶପ୍ରେମ ଏବଂ ପଛୁଆବର୍ଗର ଲୋକମାନଙ୍କର ଉତ୍ଥାନ ପାଇଁ

ନେଇଥିବା ବଳିଷ୍ଠ ପଦକ୍ଷେପ ସ୍ୱରୂପ ୧୯୯୦ ମସିହାରେ ତାଙ୍କୁ ମରଣୋତ୍ତର ଭାବେ ଭାରତରତ୍ନ ପୁରସ୍କାର ପ୍ରଦାନ କରାଯାଇଥିଲା ।

**କେନ୍ଦୁଝର** ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ପରିସରରେ ଥିବା ବାବାସାହେବଙ୍କ ପ୍ରତିମୂର୍ତ୍ତିରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ପୁଷ୍ପମାଲ୍ୟ ଅର୍ପଣ କରିଛନ୍ତି। ଭାରତୀୟ ସମ୍ବିଧାନର ସ୍ଥପତି, ସାମାଜିକ ନ୍ୟାୟର ପ୍ରତୀକ, ଗଣତାନ୍ତ୍ରିକ ମୂଲ୍ୟବୋଧର ପ୍ରତିଷ୍ଠା ପାଇଁ ବାବାସାହେବଙ୍କ ଅତୁଳନୀୟ ଅବଦାନ ଆମ ଗଣତନ୍ତ୍ରକୁ ସୁଦୃଢ଼ କରିପାରିଛି ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି।

ଏକ ପ୍ରଗତୀଶୀଳ ଓ ସମୃଦ୍ଧ ଓଡ଼ିଶା ଗଠନ ପାଇଁ ବାବାସାହେବଙ୍କ ଆଦର୍ଶ ଆମ ସମସ୍ତଙ୍କ ପାଇଁ ପ୍ରେରଣାଦାୟୀ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି....

## - V/O -

**ମୁଖ୍ୟମନ୍ତ୍ରୀ** ମୋହନ ଚରଣ ମାଝୀ  ଆଜି ସନ୍ଧ୍ୟାରେ ଭୁବନେଶ୍ୱର ଜୟଦେବ ଭବନଠାରେ ଏହି ଉପଲକ୍ଷେ  ଆୟୋଜିତ ହେବାକୁ ଥିବା ଏକ ସାଧାରଣ ସଭାରେ  ମୁଖ୍ୟ ଅତିଥି ଭାବେ ଯୋଗଦେବେ।

ଦେଶ ଏବଂ ରାଜ୍ୟର ସବୁ ସ୍ଥାନରେ ଆଜି ବାବାସାହେବଙ୍କର ଜୟନ୍ତୀ ପାଳନ କରାଯାଉଛି ।

**କୋରାପୁଟ** ସଦର ମହକୁମାରେ ଉପଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସମ୍ମୁଖରେ ଥିବା ବାବାସାହେବ ଆମ୍ବେଦକରଙ୍କ ପ୍ରତିମୂର୍ତ୍ତିରେ  ବିଧାୟକ ରଘୁରାମ ମାଛ ପୁଷ୍ପମାଲ୍ୟ ଅର୍ପଣ କରି ସମ୍ବିଧାନ ପ୍ରଣୟନରେ ଆମ୍ବେଦକରଙ୍କ ଭୂମିକା ସମ୍ପର୍କରେ ଆଲୋଚନା କରିଛନ୍ତି।

**କେନ୍ଦ୍ରାପଡା** ଜିଲ୍ଲା ପ୍ରଶାସନ ଏବଂ ସୂଚନା ଓ ଲୋକସମ୍ପର୍କ ବିଭାଗ ପକ୍ଷରୁ ଡକ୍ଟର ବି.ଆର.ଆମ୍ବେଦରଙ୍କ ଜୟନ୍ତୀ ପାଳନ କରାଯାଇଛି ।

**ଦେବଗଡ଼** ଜିଲ୍ଲାରେ ବାବାସାହେବ ଆମ୍ବେଦକରଙ୍କ ଜୟନ୍ତୀ ଅବସରରେ ଜିଲ୍ଲା ପ୍ରଶାସନ ପକ୍ଷରୁ ବକ୍ତୃତା, ଚିତ୍ରାଙ୍କନ ଓ ମୁରୁଜ ପ୍ରତିଯୋଗିତା ଆୟୋଜନ କରାଯାଇଛି ।

**ବଲାଙ୍ଗିର** ଜିଲ୍ଲାରେ ସମ୍ବିଧାନ ପ୍ରଣେତା ବାବାସାହେବ ଆମ୍ବେଦକରଙ୍କ ଜୟନ୍ତୀରେ ସ୍ୱାସ୍ଥ୍ୟମନ୍ତ୍ରୀ ଡାକ୍ତର ମୁକେଶ ମହାଲିଙ୍ଗ ଯୋଗଦେଇ ବାବାସାହେବଙ୍କ ଜୀବନୀ ଉପରେ ଆଲୋକପାତ କରିଥିଲେ ।

**ବୌଦ୍ଧ** ଜିଲ୍ଲା ପ୍ରଶାସନ ପକ୍ଷରୁ ବାବାସାହେବଙ୍କ ଜୟନ୍ତୀ ପାଳିତ ହୋଇଛି । ଏହି ଅବସରରେ ଆୟୋଜିତ ବିଭିନ୍ନ ପ୍ରତିଯୋଗିତାର କୃତୀ ପ୍ରତିଯୋଗୀଙ୍କୁ ପୁରସ୍କୃତ କରାଯାଇଛି ।

**ନୂଆପଡା** ଜିଲ୍ଲା ଖଡିଆଳ ଆମ୍ବେଦକର ଛକଠାରେ ବାବାସାହେବଙ୍କର ୧୩୫ତମ ଜୟନ୍ତୀ ଅବସରରେ ଖଡିଆଳ ରାଜା ଦେବସେବ ସିଂହଦେଓ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରିବା ସହିତ ଉପସ୍ଥିତ ଅତିଥିମାନେ ବାବାସାହେବଙ୍କର ଜୀବନୀ ଉପରେ ଆଲୋକପାତ କରିଥିଲେ ।

**ସୁବର୍ଣ୍ଣପୁର** ଜିଲ୍ଲା ପ୍ରଶାସନ ପକ୍ଷରୁ ବାବାସାହେବ ଆମ୍ବେଦକରଙ୍କ ଜୟନ୍ତୀ ପାଳିତ ହୋଇଯାଇଛି । ଭାରତୀୟ ଗଣତନ୍ତ୍ରକୁ ସୁଦୃଢ଼ କରିବାରେ ଆମ୍ବେଦକରଙ୍କ ଭୂମିକା ଉପରେ ଅତିଥିମାନେ ଆଲୋଚନା କରିଛନ୍ତି ।

**ଭଦ୍ରକ** ଜିଲ୍ଲାରେ ସଂସ୍କୃତି ଭବନଠାରେ ଜିଲ୍ଲା ପ୍ରଶାସନ ଏବଂ ସୂଚନା ଓ ଲୋକସମ୍ପର୍କ ବିଭାଗ ପକ୍ଷରୁ ବାବା ସାହେବ ଆମ୍ବେଦକରଙ୍କ ଜୟନ୍ତୀ ପାଳିତ ହୋଇଯାଇଛି ।

## ଧର୍ମେନ୍ଦ୍ର ପ୍ରଧାନ

କୁଚିଣ୍ଡାର ସର୍ବାଙ୍ଗୀନ ବିକାଶ ପାଇଁ ସ୍ୱାସ୍ଥ୍ୟ, ଶିକ୍ଷା ଏବଂ ଗମନାଗମନ ସହିତ ଅନ୍ୟାନ୍ୟ ସାମାଜିକ ଭିତ୍ତିଭୂମିଗୁଡ଼ିକର ବିକାଶ ଜରୁରୀ ବୋଲି କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ କହିଛନ୍ତି । ସମ୍ବଲପୁର ଜିଲ୍ଲା କୁଚିଣ୍ଡା ବ୍ଲକ୍ ଗସ୍ତ କରି କେନ୍ଦ୍ରମନ୍ତ୍ରୀ ଶ୍ରୀ ପ୍ରଧାନ କୁଚିଣ୍ଡା, ବାମରା ଏବଂ ଯମନକିରାସ୍ଥିତ ୭୮ଟି ବିକାଶମୂଳକ ଭିତ୍ତିଭୂମି ପ୍ରକଳ୍ପର ଶୁଭ ଉଦ୍‌ଘାଟନ ଓ ଶିଳାନ୍ୟାସ କରିଛନ୍ତି । ୩୭୫ କୋଟି ଟଙ୍କାରୁ ଊର୍ଦ୍ଧ୍ୱ ଏହି ପ୍ରକଳ୍ପ ଅଂଚଳବାସୀଙ୍କ ପାଇଁ  ଅନେକ ସୁଯୋଗ ସୃଷ୍ଟି ସହ ସୁବିଧା ଯୋଗାଇଦେବ ବୋଲି ଶ୍ରୀ ପ୍ରଧାନ କହିଛନ୍ତି । କୁଚିଣ୍ଡା ସରକାରୀ ଆଇଟିଆଇ କ୍ୟାମ୍ପସରେ ଓଡ଼ିଶା ସରକାରଙ୍କ ପୂର୍ତ୍ତ ବିଭାଗ ପକ୍ଷରୁ ପ୍ରାୟ ୨୦୭ କୋଟି ୨୫ ଲକ୍ଷରୁ ଊର୍ଦ୍ଧ୍ୱ ଟଙ୍କାର ପ୍ରକଳ୍ପଗୁଡ଼ିକର ଉଦ୍‌ଘାଟନ ଓ ଶିଳାନ୍ୟାସ କରିବା ସହିତ କେନ୍ଦ୍ରମନ୍ତ୍ରୀ ୩ଟି ପ୍ରକଳ୍ପର ଶୁଭ ଉଦ୍‌ଘାଟନ କରିଛନ୍ତି । କୁଚିଣ୍ଡାସ୍ଥିତ ଦୁଇଟି ନବନିର୍ମିତ କଲ୍ୟାଣମଣ୍ଡପର ମଧ୍ୟ ଉଦ୍‌ଘାଟନ କରିଛନ୍ତି । ଏହି ଅବସରରେ ଶ୍ରୀ ପ୍ରଧାନ କହିଛନ୍ତି.....

**- V/O -**

କୁଚିଣ୍ଡା ଗସ୍ତ ସମୟରେ କେନ୍ଦ୍ର ଶିକ୍ଷାମନ୍ତ୍ରୀ ଡକ୍ଟର ବି.ଆର.ଆମ୍ବେଦକରଙ୍କ ପ୍ରତିମୂର୍ତ୍ତିରେ ପୁଷ୍ପମାଲ୍ୟ ଅର୍ପଣ କରିଥିଲେ। କାର୍ଯ୍ୟକ୍ରମରେ ଓଡ଼ିଶା ସରକାରଙ୍କ ଗ୍ରାମ୍ୟ ଉନ୍ନୟନ, ପଞ୍ଚାୟତିରାଜ ଓ ପାନୀୟ ଜଳ ଯୋଗାଣ ମନ୍ତ୍ରୀ ରବି ନାରାୟଣ ନାୟକ ଉପସ୍ଥିତ ଥିଲେ।

# ଓଡ଼ିଆ ପକ୍ଷ

ଓଡ଼ିଆ ଭାଷା, ସାହିତ୍ୟ ଓ ସଂସ୍କୃତି ବିଭାଗ ପକ୍ଷରୁ ଚଳିତ ମାସ ପହିଲାରୁ ଚାଲିଥିବା ଓଡ଼ିଆପକ୍ଷ ପାଳନର ଉଦ୍‌ଯାପନୀ ସମାରୋହ ଓ ଓଡ଼ିଆ ନବବର୍ଷ ପାଳନ କାର୍ଯ୍ୟକ୍ରମରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ମୁଖ୍ୟ ଅତିଥି ଭାବରେ ଯୋଗଦେବେ। ଓଡ଼ିଶା କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟ ଭୁବନେଶ୍ୱରଠାରେ ଆଜି ସନ୍ଧ୍ୟା ୬ଟାରେ ଏହି କାର୍ଯ୍ୟକ୍ରମର ଆୟୋଜନ କରାଯାଇଛି। **କଳାହାଣ୍ଡି**ରେ ଓଡ଼ିଆ ପକ୍ଷ ପାଳନର ଶେଷ ଦିନରେ ଝୋଟି, ରଙ୍ଗୋଲୀ ପିଠାପଣା ଆଦି ନାନାଦି ପ୍ରତିଯୋଗିତା କାର୍ଯ୍ୟକ୍ରମ ଭବାନୀପାଟଣା ସରକାରୀ ବାଳିକା ଉଚ୍ଚବିଦ୍ୟାଳୟ ଅନୁଷ୍ଠିତ ହୋଇଯାଇଛି। **କେନ୍ଦ୍ରାପଡ଼ା** ଜିଲ୍ଲା ପ୍ରଶାସନ ପକ୍ଷରୁ ଓଡ଼ିଆ ପକ୍ଷ ପାଳନ କରାଯାଇଛି। ଆଜି ଶେଷ ଦିନରେ ନଅଟି ବ୍ଲକର ଗୃହିଣୀମାନଙ୍କୁ ନେଇ ପିଠାପଣା ପାରମ୍ପରିକ ଖାଦ୍ୟର ଏକ ପ୍ରଦର୍ଶନୀ ଆୟୋଜନ କରାଯାଇଛି। ସେମାନଙ୍କ ମଧ୍ୟରେ  ପୋଷଣ କାର୍ଯ୍ୟକ୍ରମ ଅଧୀନରେ ଖାଦ୍ୟ ପ୍ରସ୍ତୁତି ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି। ରାଜ୍ୟ ସରକାରଙ୍କ ପକ୍ଷରୁ ବିଗତ ୧୩ ଦିନ ମଧ୍ୟରେ ପ୍ରତ୍ୟେକ ଦିନକୁ ଏକ ସ୍ୱତନ୍ତ୍ର ଦିବସ ପାଳନ ମାଧ୍ୟମରେ ବିଭିନ୍ନ କାର୍ଯ୍ୟକ୍ରମ ମାନ ଆୟୋଜନ କରାଯାଇଥିଲା ।

## ଲୋକ ମହୋତ୍ସବ

**ନୂଆପଡ଼ା** ଜିଲ୍ଲା ଖଡିଆଳ ତୁକଲା କଲେଜ୍ ପଡିଆଠାରେ 'ଋଷିପୀଠ-ଯୋଗୀମଠ' ଲୋକ ମହୋତ୍ସବ ଉଦ୍‌ଯାପିତ ହୋଇଯାଇଛି । ଚାରିଦିନ ବ୍ୟାପୀ ଅନୁଷ୍ଠିତ ମହୋତ୍ସବରେ ବିଶିଷ୍ଟ ଅତିଥିମାନେ ଯୋଗଦେଇ ମହୋତ୍ସବର ଐତିହାସିକ କିମ୍ବଦନ୍ତୀ ଉପରେ ମତ ରଖିଛନ୍ତି ।

## ଟ୍ରେନ୍ ସଂଖ୍ୟା ବୃଦ୍ଧି

ଗ୍ରୀଷ୍ମଋତୁରେ ବୃଦ୍ଧି ପାଉଥିବା ଯାତ୍ରୀ ଭିଡକୁ ଦୃଷ୍ଟିରେ ରଖି ଭାରତୀୟ ରେଳପଥ ଗ୍ରୀଷ୍ମକାଳୀନ ସ୍ୱତନ୍ତ୍ର ଟ୍ରେନ୍ ସଂଖ୍ୟା ବୃଦ୍ଧି କରିବାକୁ ନିଷ୍ପତ୍ତି ନେଇଛି ।  ଆନନ୍ଦ ବିହାର-ଖୋର୍ଦ୍ଧା ରୋଡ, ଭୁବନେଶ୍ୱର-କୋଲକାତା, ବିଶାଖାପାଟଣା-ସାଲିମାର, ସମ୍ବଲପୁର-ସାଲିମାର, ପାଟଣା-ଖୋର୍ଦ୍ଧାରେଡ ଏବଂ ପୁରୀ-ପାଟଣା ପରି ପ୍ରମୁଖ ଗନ୍ତବ୍ୟସ୍ଥଳକୁ ଯାତ୍ରୀଙ୍କ ସୁଗମ ଓ ସହଜ ଯାତ୍ରା ପାଇଁ ରେଳ ବିଭାଗ ପକ୍ଷରୁ ସ୍ୱତନ୍ତ୍ର ଟ୍ରେନ୍ ଯାତ୍ରା କରିବ ।

## ପାଣିପାଗ

ରାଜ୍ୟରେ ଗ୍ରୀଷ୍ମର ପ୍ରଭାବ ବୃଦ୍ଧି ପାଉଛି । ଆଗାମୀ ୭ ଦିନ ପର୍ଯ୍ୟନ୍ତ ଜିଲ୍ଲାଗୁଡ଼ିକରେ ସର୍ବାଧିକ ଦିନ ତାପମାତ୍ରା ୨ରୁ ୪ ଡିଗ୍ରୀ ବୃଦ୍ଧି ପାଇବାର ସମ୍ଭାବନା ରହିଛି ବୋଲି ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ପକ୍ଷରୁ ଅନୁମାନ କରାଯାଇଛି । କେତେକ ଜିଲ୍ଲାରେ ତାପମାତ୍ରା ୪୫ ଡିଗ୍ରୀ ପର୍ଯ୍ୟନ୍ତ ପହଞ୍ଚିବାର ସମ୍ଭାବନା ରହିଛି । ଉପକୂଳ ଓ ଆଭ୍ୟନ୍ତରୀଣ ଓଡ଼ିଶାରେ ତାପମାତ୍ରା ଅଧିକ ବଢ଼ିବା ନେଇ ପୂର୍ବାନୁମାନ କରାଯାଇଛି ।